# ଗ୍ରାମୀଣ କୃଷି ମୌସମ ସେବା

## ଭାରତ ପାଣିପାଗ ବିଭାଗ

## ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ

## ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା -୯୬ (ଓଡିଆ ବୁଲେଟିନ) ସପ୍ତାହ - ୪୮ ତାରିଖ: ୦୧.୧୨.୨୦୨୩


## ସମ୍ବଲପୁର

ଭାରତ ପାଣିପାଗ ବିଜ୍ଞାନ ବିଭାଗ,ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ବର ଅନୁଯାୟୀ ଆସନ୍ତା ସପ୍ତାହରେ ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ରହିଅଛି ଏବଂ ଏହି ସମୟ ଅବଧିରେ ଆକାଶ ଆଂଶିକ ରୁ ସାଧାରଣତଃ ମେଘାଛନ୍ନ ରହିପାରେ। ଆସନ୍ତା ୫ ଦିନ ମଧରେ ସର୍ବୋଚ୍ଚ ତାପମାତ୍ରା ୨୮ ରୁ ୩୨ ଡିଗ୍ରୀ ସେଣ୍ଟିଗ୍ରେଡ ଓ ସର୍ବନିମ୍ନ ତାପମାତ୍ରା ୧୯ ରୁ ୨୧ ଡିଗ୍ରୀ ସେଣ୍ଟିଗ୍ରେଡ ମଧରେ ରହିବାର ସମ୍ଭାବନା ରହିଅଛି। ଆସନ୍ତା ସପ୍ତାହରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୭୪% ରୁ ୯୨% ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୩୪% ରୁ ୮୪% ମଧରେ ରହିବାର ସମ୍ଭାବନା ରହିଅଛି । ଆସନ୍ତା ୫ ଦିନ ମଧରେ ୭ ରୁ ୮ କି.ମି. ପ୍ରତି ଘଣ୍ଟା ବେଗରେ ଉତ୍ତର ପୂର୍ବ କିମ୍ବା ଦକ୍ଷିଣ ପୂର୍ବ ଦିଗରୁ ପବନ ବହିବାର ସମ୍ଭାବନା ରହିଅଛି ।

| ତାରିଖ | 02-12-2023 | 03-12-2023 | 04-12-2023 | 05-12-2023 | 06-12-2023 |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 0 | 0 | 0 | 2 | 5 |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | 32 | 32 | 31 | 30 | 28 |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | 19 | 19 | 20 | 21 | 21 |
| ସମ୍ପୂର୍ଣ ମେଘ ଆବରଣ(ଓକଟା) | 3 | 4 | 5 | 6 | 6 |
| ସର୍ବାଧିକ ଆପେକ୍ଷିକ ଆଦ୍ରତା (ଶତକଡା %) | 74 | 78 | 75 | 89 | 92 |
| ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ଶତକଡା %) | 34 | 36 | 39 | 49 | 84 |
| ପବନ ବେଗ (କିମି/ଘଣ୍ଟା ପ୍ରତି) | 7 | 8 | 8 | 8 | 8 |
| ପବନ ଦିଗ (ଡିଗ୍ରୀ) | 77 | 103 | 77 | 72 | 68 |

ଅଧିକ ଜାଣିବା ପାଇଁ , ଭାରତୀୟ ପାଣିପାଗ ବିଭାଗ , ଭୁବନେଶ୍ୱର, ଟେଲିଫୋନ # ୦୬୭୪-୨୫୯୬୧୧୬ ରେ ଯୋଗାଯୋଗ କରନ୍ତୁ

## ସାଧାରଣ ଉପଦେଶ

- ଭାରତ ପାଣିପାଗ ବିଜ୍ଞାନ ବିଭାଗର ବିସ୍ତାରିତ ପାଣିପାଗ ପୁର୍ବାନୁମାନ ଅନୁସାରେ (୦୬.୧୨.୨୦୨୩ ରୁ ୧୨.୧୨.୨୦୨୩) ଆଗାମୀ ସପ୍ତାହର ପରବର୍ତୀ ସପ୍ତାହରେ ସମନ୍ୟରୁ ଅଧିକ ବର୍ଷା ହେବାର ସମ୍ଭାବନା ଦେଖାଯାଇପାରେ ତେଣୁ ଚାଷୀ ଭାଇମାନଙ୍କୁ ତଦନୁଯାଇ ନିଜ ଫସଲରେ ରକ୍ଷଣାବେକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି । ଆସନ୍ତା ସପ୍ତାହର ପ୍ରଥମ ଦୁଇ ରୁ ତିନି ଦିନ ପାଗ ମୁଖ୍ୟତଃ ସୁଖିଲା ରହିବାର ସମ୍ଭାବନା ରହିଅଛି ତେଣୁ ଚାଷୀ ଭାଇମାନଙ୍କୁ ଧାନ କାଟିବା ଏବଂ ଔଷଧର ପ୍ରୟୋଗ କାର୍ଯ୍ୟ ସେହି ସମୟ ଅବଧିରେ କରିବାକୁ ପରାମର୍ଶ ଦିଆଯାଇଅଛି । କଟା ହୋଇଥିବା ଧାନ ଏବଂ ଅନ୍ୟ ଫସଲ ଯାହା ବାହାରେ ରଖା ହୋଇଛି ତାକୁ ସୁରକ୍ଷିତ ସ୍ଥାନରେ ରଖିବାର ପ୍ରବନ୍ଧ କରିବାକୁ ଉପଦେଶ ଦିଆଯାଇଛି କାରଣ ୪ ରୁ ୬ ଡିସେମ୍ବର ମଧରେ କିଛି ସ୍ଥାନରେ ବର୍ଷା ହେବାର ସମ୍ଭାବନା ରହିଅଛି। ଆଗକୁ ମେଘୁଆ ପାଗ ସହିତ ମଧମ ରୁ ଦ୍ରୁତ ଗତିରେ ପବନ ବହିବାର ସମ୍ଭାବନା ଅଛି ଯାହାକି ଆଗକୁ ଥଣ୍ଡା ବଢିବାରେ ସାହାଯ୍ୟ କରିପାରେ ତେଣୁ ପାଣିପାଗର ଏହି ଅବସ୍ଥାକୁ ଦେଖି ପରିବା ଖେତରେ ଆବଶ୍ୟକତା ଅନୁସାରେ ନିୟମିତ ଜଳ ସିଂଚନ କରିବାକୁ ପରାମର୍ଶ ଦିଆଯାଇଅଛି ।
- କୃଷକ ଭାଇମାନେ ପାଣିପାଗ ପୂର୍ବାନୁମାନ ଏବଂ ପାଣିପାଗ ଭିତ୍ତିକ କୃଷି ପରାମର୍ଶ ପାଇଁ ମେଘଦୂତ ମୋବାଇଲ ଆପ ଓ ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ କୁ ଅନୁସରଣ କରନ୍ତୁ ।

## ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ଧାନ | ଧାନ କାଟିବା ଅବସ୍ଥା | ପରିପକ୍ୱ ଅବସ୍ଥାରେ ଥିବା ଫସଲ ଯାହାର ୮୫ ପ୍ରତିଶତ କିମ୍ବା ଅଧିକ କେଣ୍ଡାରେ ଥିବା ଦାନା ପରିପକ୍ୱ ହୋଇଯାଇଛି ସେଥିରେ କାର୍ଯ୍ୟ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି । ୪ ରୁ ୬ ଡିସେମ୍ବର ୨୦୨୩ ମଧରେ କିଛି ସ୍ଥାନରେ ବର୍ଷା ହେବାର ସମ୍ଭାବନା ରହିଅଛି ତେଣୁ ଚାଷୀ ଭାଇମାନଙ୍କୁ ଫସଲ କାଟିବା କାର୍ଯ୍ୟ ଏହି ସପ୍ତାହର ପ୍ରଥମ ଦୁଇ ରୁ ତିନି ଦିନ ମଧରେ କରି ଫସଲକୁ ସୁରକ୍ଷିତ ଜାଗାରେ ରଖିବାର ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଇଅଛି । |

| | | |
|---|---|---|
| ପନିପରିବା (ବାଇଗଣ, ଲଂକା ଏବଂ କୋବି ଜାତୀୟ ପରିବା) | ନୂଆଁ ଗଛ ଲଗେଇବା / ବନସ୍ପତି ବିକାସ | ଆଗକୁ ସର୍ବନିମ୍ନ ତାପମାତ୍ରାରେ ହ୍ରାସ ଦେଖିବାକୁ ମିଳିପାରେ ଯାହାକି ଶୀତଦିନିଆ ଫସଲ ପାଇଁ ଅନୁକୂଳ ଅଟେ ତେଣୁ କୋବି ଜାତୀୟ ଫସଲର ଚାଷ ପାଇଁ ବିହନ ବୁଣିବା କାର୍ଯ୍ୟ ଆରମ୍ଭ କରିବାକୁ ପରାମର୍ଶ ଦିଆଯାଉଛି । ଖେତରେ ପନିପରିବା ଗଛ ଲଗେଇବା ପୂର୍ବରୁ କବକନାଶୀ ଔଷଧରେ ଚେରକୁ ନିଶ୍ଚୟ ବିଶୋଧନ କରନ୍ତୁ ଯାହା ଦ୍ବାରା ଆଗକୁ ଗଛଟି ରୋଗମୁକ୍ତ ରହିବ ତଥା ଗଛକୁ ଅଧିକ ଥଣ୍ଡାରୁ ରକ୍ଷା କରିବା ପାଇଁ ଗଛ ଲଗେଇବା ସମୟରେ ପଲିଥିନ୍ ଆବରଣର କିମ୍ବା ଯଦି ଗଛ ଲଗାଇ ସାରିଛନ୍ତି ତାହାହେଲେ ଗଛ ତଳେ ପୁଆଳକୁ ମଧ୍ୟ ଆବରଣ ଭାବରେ ପ୍ରୟୋଗ କରିପାରିବେ କାରଣ ଏହା ଦ୍ବାରା ମାଟିର ଆର୍ଦ୍ରତା ଏବଂ ମାଟିର ତାପମାତ୍ରା ନିୟନ୍ତ୍ରିତ ରହିଥାଏ। ଆଗକୁ ଦୁଇ ତିନି ଦିନ ପରେ ବର୍ଷା ହେବାର ସମ୍ଭାବନାକୁ ଦେଖି ଔଷଧର ପ୍ରୟୋଗ କାର୍ଯ୍ୟ ଏହା ପୂର୍ବରୁ କରିବାକୁ ପରାମର୍ଶ ଦିଆଯାଇଅଛି । |
| ପଶୁପାଳନ | ଆସନ୍ତା ଦିନଗୁଡାକରେ ମେଘୁଆ ପାଗ ସହିତ ମଧ୍ୟମ ରୁ ଦ୍ରୁତ ଗତିରେ ପବନ ବହିବା ଏବଂ ତାପମାତ୍ରା ହ୍ରାସ ପାଇବାର ସମ୍ଭାବନା ଦେଖାଯାଇପାରେ ତେଣୁ ପଶୁମାନଙ୍କୁ ପର୍ଯ୍ୟାପ୍ତ ତାଜା ପରିଷ୍କାର ପାଣି ଯୋଗାଇବା ତଥା ବର୍ଷା ଜଳ ଗୁହାଳକୁ ନ ପଶିବା ଏବଂ ସେମାନଙ୍କୁ ଥଣ୍ଡାରୁ ରକ୍ଷା କରିବା ପାଇଁ ଉଚିତ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଉଛି। ଗୁହାଳକୁ ସଫା ଏବଂ ଶୁଖିଲା ରଖନ୍ତୁ ଯାହାଦ୍ୱାରା ପଶୁମାନେ ରୋଗ ଓ ପୋକ ଜୋକ ରୁ ସୁରକ୍ଷିତ ରହିବେ। ପଶୁମାନଙ୍କୁ ମୁହଁ ଓ ଖୁରା ରୋଗ ଏବଂ ସାହାଣ ରୋଗରୁ ବଞ୍ଚାଇବା ପାଇଁ ପ୍ରତି ୬ ମାସରେ ସେମାନକର ଟୀକାକରଣ ନିଶ୍ଚୟ କରାନ୍ତୁ । | |

**Note: As per the special bulletin issued by MC, Bhubaneswar on dated:-1st Dec. 2023,**
**"Well Marked Low Pressure Area concentrated into a Depression over Southeast adjoining Southwest Bay of Bengal (Pre-Cyclone Watch: Yellow Message)."**
This depression is likely to continue to move west-northwestwards, intensify into a Deep Depression by 2nd and further into a Cyclonic Storm over Southwest Bay of Bengal around 3rd December. Thereafter, it would move northwestwards and cross South Andhra Pradesh and adjoining North Tamil Nadu coast between Chennai and Machilipatnam around evening of 4th December as a **Cyclonic Storm.**
Under the influence of above mentioned condition light to moderate rain/ thundershower very likely to occur at one or two places during 04.12.2023 to 05.12.2023 and at many places during 05.12.2023 to 06.12.2023 over the **Sambalpur** district.

---

| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR & Nodal Officer**<br>**RRTTS, Chiplima** |

---


କୃଷି ରେ ଉତ୍ତମ ଲାଭ ପାଇଁ, **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ, କୁକୁଡ଼ା ଛୁଆ, ମହୁମାଛି ଓ ସ୍କୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।

**ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ଉଭୟ ଇଂରାଜୀ ଏବଂ ଓଡ଼ିଆ ଭାଷାରେ ମେଘଦୂତ ମୋବାଇଲ ଆପ ରେ ଉପଲବ୍ଧ ଅଛି ଏବଂ ତଳେ ଦିଆଯାଇଥିବା ଲିଙ୍କ ରେ ଏହି ଆପଟିକୁ ଡାଉନଲୋଡ କରିପାରିବେ।**



(https://play.gooogle.com/store/apps/details?id=com.aas.meghdoot)

**କୃଷକ ଭାଇମାନେ ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ କୁ ଅନୁସରଣ କରନ୍ତୁ ଏବଂ ତଳେ ଦିଆଯାଇଥିବା ଲିଙ୍କ ରେ ଏହି ଆପଟିକୁ ଡାଉନଲୋଡ କରିପାରିବେ।**



(https://play.google.com/store/apps/details?id=com.lightening.live.damini)